ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୫୦୩ଜଣ କରୋନା ପଜିଟିଭ ଚିହ୍ନଟ ।

## ପଜିଟିଭ ସଂଖ୍ୟା ୩୨୭୦୦ରେ ପହଞ୍ଚିଲା - ସୁସ୍ଥ ହେଲେ ୭୪୨ ଜଣ ।

ଅନୁଗୋଳ, ତା.୨୮.୦୫:- ଆଜି ଅନୁଗୋଳ ଜିଲ୍ଲାରେ ୫୦୩ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଣ୍ଡଁରପାଳ ବ୍ଲକ୍ ଅଂଚଳରୁ ୧୧୨ଜଣ ( ୭୮ଜଣ ପୁରୁଷ ଓ ୩୪ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୮୬ଜଣ ( ୫୩ଜଣ ପୁରୁଷ ଓ ୩୩ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୮୫ଜଣ (୪୯ ଜଣ ପୁରୁଷ ଓ ୩୬ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୪୮ଜଣ (୨୭ ଜଣ ପୁରୁଷ ଓ ୨୧ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୪୧ଜଣ ( ୨୪ଜଣ ପୁରୁଷ ଓ ୧୭ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୩୪ଜଣ ( ୨୦ଜଣ ପୁରୁଷ ଓ ୧୪ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୩୩ଜଣ ( ୧୯ଜଣ ପୁରୁଷ ଓ ୧୪ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୨୩ଜଣ ( ୧୨ଜଣ ପୁରୁଷ ଓ ୧୧ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୯ଜଣ ( ୧୦ଜଣ ପୁରୁଷ ଓ ୯ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୧୧ଜଣ (୬ ଜଣ ପୁରୁଷ ଓ ୫ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୧୧ଜଣ (୧୧ ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ୧୦୩ ଜଣଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୭୪୨ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୯୪ଜଣ ମୃତ୍ୟୁବରଣ କଲେଣି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୩୩୫ ତା.୨୮.୦୫.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ